# କେନ୍ଦୁଝର: ପାଟଣାଠାରେ "ଆମ ଗାଁ ଆମ ବିକାଶ" କାର୍ଯ୍ୟକ୍ରମ ଅନୁଷ୍ଠିତ
# ୧୦୪ଟି ପ୍ରକଳ୍ପ ପାଇଁ ୪ କୋଟି ୮୦ ଲକ୍ଷ ଟଙ୍କା ମଂଜୁର କଲେ ମୁଖ୍ୟମନ୍ତ୍ରୀ





କେନ୍ଦୁଝର, ତା.୨୮.୮.   କେନ୍ଦୁଝର ଜିଲ୍ଲାର ପାଟଣା ବ୍ଲକ୍ ସଦର ମହକୁମାଠାରେ ଚଳିତ ଅଗଷ୍ଟ ୨୮ ତାରିଖ ମଙ୍ଗଳବାର ଦିନ 'ଆମ ଗାଁ ଆମ ବିକାଶ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଭିଡିଓ କନ୍‌ଫରେନ୍ସିଂ ଜରିଆରେ ଏହି କାର୍ଯ୍ୟକ୍ରମ ମାଧ୍ୟମରେ ପାଟଣା ବ୍ଲକ୍‌ର ୨୦ଟି ପଂଚାୟତର ୧୦୪ଟି ପ୍ରକଳ୍ପ ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ୪ କୋଟି ୮୦ ଲକ୍ଷ ଟଙ୍କା ମଂଜୁର କରିଛନ୍ତି । ଆମ ଗାଁ ଆମ ବିକାଶ କାର୍ଯ୍ୟକ୍ରମ ପାଇଁ ପାଟଣା ବ୍ଲକ୍ ଅଚଂଳରେ ଜନସାଧାରଣଙ୍କ ମଧ୍ୟରେ ବିପୁଳ ଉତ୍ସାହ ପରିଲକ୍ଷିତ ହୋଇଥିଲା । ପାଟଣା ମିନି ଷ୍ଟାଡିୟମ୍‌ଠାରେ ଆମ ଗାଁ ଆମ ବିକାଶ କାର୍ଯ୍ୟକ୍ରମ ନିମନ୍ତେ ବ୍ୟାପକ ଆୟୋଜନ କରାଯାଇଥିଲା । ରାଜ୍ୟ ସଚିବାଳୟର କନ୍‌ଫରେନସ୍ ହଲ୍‌ଠାରୁ ପାଟଣା ମିନି ଷ୍ଟାଡିୟମ୍ ସହିତ ଭିଡିଓ କନ୍‌ଫରେନ୍ସିଂ ନିମନ୍ତେ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇଥିଲା । ପ୍ରଥମେ ମୁଖ୍ୟମନ୍ତ୍ରୀ ଜନସାଧାରଣଙ୍କୁ କୁଶଳ ଜିଜ୍ଞାସା କରିଥିଲେ ଓ ସ୍ୱାଗତ ଜଣାଇଥିଲେ । ବିଗତ ଦିନରେ ପାଟଣା ବ୍ଲକ୍‌ରେ ସରକାରଙ୍କ ଉଲ୍ଲେଖନୀୟ ଜନକଲ୍ୟାଣମୂଳକ କାର୍ଯ୍ୟକ୍ରମ ସମ୍ପର୍କରେ ରିପୋର୍ଟ ଉପସ୍ଥାପନ କରାଯାଇଥିଲା । ପରେ ପରେ ମୁଖ୍ୟମନ୍ତ୍ରୀ ପାଟଣା ବ୍ଲକ୍‌ର ୨୦ଟି ପଂଚାୟତର ୧୦୪ଟି ପ୍ରକଳ୍ପ ପାଇଁ ୪ କୋଟି ୮୦ ଲକ୍ଷ ଟଙ୍କା ମଂଜୁର କରିଥିଲେ । ଏହା ଲୋକମାନଙ୍କର ଟଙ୍କା ଏବଂ ରାଜ୍ୟବାସୀଙ୍କ ଟଙ୍କା ବୋଲି କହିବା ସହିତ ଭଲ ଭାବରେ ବିଭିନ୍ନ ପ୍ରକଳ୍ପ କାର୍ଯ୍ୟ କରନ୍ତୁ ଏବଂ ଶୀଘ୍ର ଶେଷ କରନ୍ତୁ ବୋଲି ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ । ପାଟଣା ବ୍ଲକ୍‌ର ବିକାଶ ପାଇଁ ବିଭିନ୍ନ ପ୍ରକଳ୍ପ ନିମନ୍ତେ ଟଙ୍କା ମଞ୍ଜୁର କରିଥିବାରୁ ମୁଖ୍ୟମନ୍ତ୍ରୀ ବହୁତ୍ ଖୁସି ବୋଲି କହିଥିଲେ । ପାଟଣା ପଂଚାୟତ ସମିତି ଅଧ୍ୟକ୍ଷ ଜଗନ୍ନାଥ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ଜନସାଧାରଣଙ୍କ ପକ୍ଷରୁ ଧନ୍ୟବାଦ ଅର୍ପଣ କରିଥିଲେ । ପାଟଣା ବିଧାୟକ ତାଥା ଜିଲ୍ଲା ଯୋଜନା କମିଟି ଅଧ୍ୟକ୍ଷ ହୃଷିକେଶ ନାଏକ, ଲୋକସଭା ସଦସ୍ୟା ଶ୍ରୀମତୀ ଶକୁନ୍ତଳା ଲାଗୁରୀ, ଭୁବନେଶ୍ୱର ମ୍ୟୁନିସିପାଲ କର୍ପୋରେସନର ମେୟର ଅନନ୍ତ ନାରାୟଣ ଜେନା, ଜିଲ୍ଲା ପରିଷଦ ଅଧ୍ୟକ୍ଷା ଶ୍ରୀମତୀ କମଳିନୀ ପାତ୍ର, ଜିଲ୍ଲାପାଳ ଆଶିଷ ଠାକରେ, ପିଡି ଡିଆର୍‌ଡିଏ ନୃସିଂହଚରଣ ସ୍ୱାଇଁ, ପାଟଣା ବିଡିଓ କୁଶଳ ଚନ୍ଦ୍ର ନାଏକ, ସ୍ୱତନ୍ତ୍ର ଉନ୍ନୟନ ପରିଷଦର ଅଧ୍ୟକ୍ଷ ରାମରାଇ ମୁନ୍ଦୁୟା, ଉପାଧ୍ୟକ୍ଷା ଶ୍ରୀମତୀ ମୀନା ମାଝୀ, କେନ୍ଦୁଝର କେନ୍ଦ୍ରିୟ ସମବାୟ ବ୍ୟାଙ୍କର ସଭାପତି କାନନବିହାରୀ ପହି, ପୂର୍ବତନ ସାଂସଦ ଯଶୋବନ୍ତ ନାରାୟଣ ସିଂ ଲାଗୁରୀ ଓ ମାଧବ ସର୍ଦ୍ଦାର, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ସଂଜୀବ ବାରିକ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ସ୍ୱର୍ଣ୍ଣଲତା ମିଶ୍ର, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ଅତିରିକ୍ତ ପ୍ରକଳ୍ପ ନିର୍ଦ୍ଦେଶକ (ବୈଷୟିକ) ମଦନ ମୋହନ ମାଝୀଙ୍କ ସମେତ ପାଟଣା ବ୍ଲକ୍‌ର ପଂଚାୟତିରାଜ ଅନୁଷ୍ଠାନର ପ୍ରତିନିଧି ତଥା ହଜାର ହଜାର ଜନସାଧାରଣ ଯୋଗ ଦେଇଥିଲେ । ଏସ୍.ଡି.ପି.ଓ ଘଟଗାଁ ସିଲ୍‌ଭରିଓସ୍ ଟୋପ ଏବଂ ପାଟଣା ଥାନା ଆଇ.ଆଇ.ସି. ପ୍ରମୋଦିନୀ ସାହୁଙ୍କ ନେତୃତ୍ୱରେ ଆରକ୍ଷୀ ବାହିନୀ ଶାନ୍ତିଶୃଙ୍ଖଳା ଦାୟିତ୍ୱ ତୁଲାଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,କେନ୍ଦୁଝର